# ଆଜି ଅନୁଗୋଳ ଜିଲ୍ଲାରୁ ୬୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୮୯୭ରେ ପହଞ୍ଚିଲା - ସୁସ୍ଥ ହେଲେ ୫ ଜଣ ।

ଆଜି ଅନୁଗୋଳ ଜିଲ୍ଲାରେ ୬୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ଵାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଂକ ସଂଖ୍ୟା ୨୫୮ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୪ଜଣ (୧୦ ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୧୨ଜଣ ( ୧୦ଜଣ ପୁରୁଷ ଓ ୨ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୯ଜଣ ପୁରୁଷ ଓ୦୧ ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ବଣ୍ଡଅଁରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ୦୧ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ )ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ଵଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । କରୋନା ସଂକ୍ରମଣ ଦିନକୁ ଦିନ ବୃଦ୍ଧି ପାଉଥିବାରୁ ଜିଲ୍ଲାପାଳ Enforcement ଉପରେ ଗୁରୁତ୍ଵାରୋପ କରିବା ସହ ଜନସାଧାରଣଂକୁ ମାସ୍କ ପରିଧାନ,ସାମାଜିକ ଦୂରତା ଅବଲମ୍ବନ ଓ ନିୟମିତ ହାତ ଧୋଇବା ନିମନ୍ତେ ପରାମର୍ଶ ଦେଇଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୫ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୫୮ ତା.୧୪.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ